Sankha Bhawan
Plot No. 798, Unit - VI
Bhubaneswar - 751001, Odisha

Ph : 0674-2393464, 2395979
email : bijujanatadal@gmail.com

BJD

# BIJU JANATA DAL

<u>ବିଜେଡିର ମିଶ୍ରଣ ପର୍ବ</u>

## ବିଜେଡ଼ିରେ ଯୋଗଦେଲେ ଅଭିନେତ୍ରୀ ବର୍ଷା ପ୍ରିୟଦର୍ଶିନୀ

**ଭୁବନେଶ୍ୱର, ୧୮/୦୪/୨୦୨୪:** ସିନେ ଅଭିନେତ୍ରୀ ବର୍ଷା ପ୍ରିୟଦର୍ଶିନୀ ଆଜି ଶଙ୍ଖଭବନ ଠାରେ ରାଜ୍ୟସଭା ସାଂସଦ ଡକ୍ଟର ସସ୍ମିତ ପାତ୍ରଙ୍କ ଉପସ୍ଥିତିରେ ବିଜେଡିରେ ଯୋଗ ଦେଇଛନ୍ତି। ଦଳରେ ସାମିଲ୍ ହୋଇଥିବା ବର୍ଷା ପ୍ରିୟଦର୍ଶିନୀଙ୍କୁ ଡକ୍ଟର ପାତ୍ର ଉପଢୌକନ ଦେଇ ଦଳକୁ ସ୍ୱାଗତ କରିଥିଲେ। ଆଜି ବର୍ଷା ପ୍ରିୟଦର୍ଶିନୀଙ୍କ ଯୋଗଦାନ ଫଳରେ ଦଳୀୟ ସଂଗଠନ ଆହୁରି ମଜଭୂତ ହେବ ବୋଲି ଡକ୍ଟର ପାତ୍ର କହିଥିଲେ।

ଏହି ଅବସରରେ ବିଜେଡ଼ିରେ ସାମିଲ୍ ହୋଇଥିବା ବର୍ଷା ପ୍ରିୟଦର୍ଶିନୀ ନିଜ ପ୍ରତିକ୍ରିୟାରେ କହିଥିଲେ ଯେ, ନିମ୍ନକି ଫିଲ୍ମ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ପାଇଁ କରିଥିଲି । ମୁଖ୍ୟମନ୍ତ୍ରୀ କଥା କମ୍ କୁହନ୍ତି, କାମ ଅଧିକ କରନ୍ତି । ମୁଖ୍ୟମନ୍ତ୍ରୀଙ୍କ ସରଳ ଭାବମୂର୍ତ୍ତି ସମସ୍ତଙ୍କ ପାଇଁ ଆଦର୍ଶ । ମୁଖ୍ୟମନ୍ତ୍ରୀଙ୍କର କେହି ପ୍ରତିଦ୍ୱନ୍ଦ୍ୱୀ ନାହାନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ତଥା ବିଜେଡ଼ି ସୁପ୍ରିମୋ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକଙ୍କ ଲୋକାଭିମୁଖୀ କାର୍ଯ୍ୟ, ସ୍ୱଚ୍ଛ ଶାସନ, ନିର୍ମଳ ଭାବମୂର୍ତ୍ତି ଓ ନୀତି ଆଦର୍ଶରେ ଅନୁପ୍ରାଣିତ ହୋଇ ଆଜି ବିଧିବଦ୍ଧ ଭାବେ ବିଜେଡିରେ ଯୋଗ ଦେଲି । ନୂତନ ଓଡ଼ିଶା ଗଠନ ଦିଗରେ ମାନ୍ୟବର ମୁଖ୍ୟମନ୍ତ୍ରୀ ମୋତେ ଯାହା ଦାୟିତ୍ୱ ଦେବେ ତାକୁ ସୂଚାରୁ ରୂପେ ତୁଲାଇବି । ଦଳରେ ମୋତେ ଗ୍ରହଣ କରିଥିବାରୁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ, ୫-ଟି ତଥା ନବୀନ ଓଡ଼ିଶା ଅଧ୍ୟକ୍ଷ କାର୍ତ୍ତିକ ପାଣ୍ଡିଆନ, ଦଳର ସାଂଗଠନିକ ସମ୍ପାଦକ ପ୍ରଣବ ପ୍ରକାଶ ଦାସ ଏବଂ ସମସ୍ତ ନେତୃବୃନ୍ଦଙ୍କୁ କୃତଜ୍ଞତା ଜ୍ଞାପନ କରୁଛି ।

ଶେଷରେ ବିଜେଡ଼ି ମୁଖପାତ୍ର ଡଃ ପ୍ରିୟବ୍ରତ ମାଝୀ ଧନ୍ୟବାଦ ଅର୍ପଣ କରିଥିଲେ।

ଡଃ ପ୍ରିୟବ୍ରତ ମାଝୀ

(ପ୍ରିୟବ୍ରତ ମାଝୀ)
ମୁଖପାତ୍ର, ବିଜୁଜନତା ଦଳ





